ସୂଚନା ଓ ଲୋକ ସଂପର୍କ ବିଭାଗ
Information & Public Relations Department
Government of Odisha, Bhubaneswar-751001
Phone : (91-674) 2536736 /2390818 (Fax)
e-mail : iprsec.or@nic.in

**News ID-IPR/COVID-19(OD)/ 836/07-12-2020**

# ପ୍ରେସ୍ ବିବୃତି

**ଭୁବନେଶ୍ୱର :୦୭ ଡିସେମ୍ବର,୨୦୨୦**

- ମାନ୍ୟବର ମୁଖ୍ୟମନ୍ତ୍ରୀ ଶ୍ରୀଯୁକ୍ତ ନବୀନ ପଟ୍ଟନାୟକ ସଶସ୍ତ୍ର ବାହିନୀ ପତାକା ଦିବସ ଅବସରରେ ଦେଶର ସମ୍ମାନ ଓ ସୁରକ୍ଷା ପାଇଁ ବୀରତ୍ୱର ସହିତ ଲଢୁଥିବା ଶହୀଦ ଓ କାର୍ଯ୍ୟରତ ସୈନ୍ୟମାନଙ୍କ ପ୍ରତି ତାଙ୍କ ସମ୍ମାନ ଜଣାଇଛନ୍ତି । ଆମ ପ୍ରିୟ ଜନ୍ମଭୂମିର ସଂପ୍ରଭୁତା ଓ ଅଖଣ୍ଡତାର ସୁରକ୍ଷା ପାଇଁ ସେମାନଙ୍କର ସାହସ ଏବଂ ନିଃସ୍ୱାର୍ଥପର ତ୍ୟାଗକୁ ମାନ୍ୟବର ମୁଖ୍ୟମନ୍ତ୍ରୀ ସ୍ମରଣ କରିଛନ୍ତି ।

- ମାନ୍ୟବର ମୁଖ୍ୟମନ୍ତ୍ରୀ ବିଶିଷ୍ଟ ଔପନ୍ୟାସିକ ମନୋଜ ଦାସଙ୍କ ଅସୁସ୍ଥତା ବିଷୟରେ ଜାଣିବା ପରେ ଚିକିତ୍ସକ ଡ. ଅଶୋକ କୁମାର ଦାସଙ୍କ ସହ କଥା ହୋଇ ସ୍ୱାସ୍ଥାବସ୍ଥା ବିଷୟରେ ଅବଗତ ହୋଇଛନ୍ତି । ତାଙ୍କ ଉତ୍ତମ ଚିକିତ୍ସା ପାଇଁ ସମସ୍ତ ପ୍ରକାର ସହାୟତା ଯୋଗାଇ ଦିଆଯିବ ବୋଲି ସୁନିଶ୍ଚିତ କରିବା ସହ ମାନ୍ୟବର ମୁଖ୍ୟମନ୍ତ୍ରୀ ଜଗନ୍ନାଥଙ୍କ ନିକଟରେ ତାଙ୍କ ଆଶୁ ଆରୋଗ୍ୟ ଓ ଉତ୍ତମ ସ୍ୱାସ୍ଥ୍ୟ କାମନା କରିଛନ୍ତି ।

- ମାନ୍ୟବର ମୁଖ୍ୟମନ୍ତ୍ରୀ ଗୋପାଳପୁର ବିଧାୟକ ପ୍ରଦୀପ ପାଣିଗ୍ରାହୀଙ୍କ ବିରୋଧରେ ଆସିଥିବା ଦୁର୍ନୀତି ବାବଦରେ ତଦନ୍ତ କରିବା ନିମନ୍ତେ ମାନ୍ୟବର ଲୋକଯୁକ୍ତଙ୍କୁ କହିଛନ୍ତି । ଲୋକଯୁକ୍ତ ଗଠନ ପରେ ପରେ ଏହି ଦୁର୍ନୀତି ଅଭିଯୋଗ ପ୍ରଥମ କରି ଓଡ଼ିଶା ସରକାରଙ୍କ ପକ୍ଷରୁ ପ୍ରଦାନ କରାଯାଇଛି ।

- ଆସନ୍ତକାଲି ତା.୦୮/୧୨/୨୦୨୦ରିଖରେ ଭାରତ ବନ୍ଦ ଡାକରା ଦିଆଯାଇଥିବା ଏବଂ କରୋନା ସଂକ୍ରମଣ ଉପରେ ତାହାର ପ୍ରଭାବକୁ ଦୃଷ୍ଟିରେ ରଖି ରାଜ୍ୟ ସରକାର ରାଜ୍ୟର ସମସ୍ତ ସରକାରୀ କାର୍ଯ୍ୟାଳୟକୁ ବନ୍ଦ ରଖିବା ନିମନ୍ତେ ନିଷ୍ପତ୍ତି ନେଇଛନ୍ତି । କିନ୍ତୁ ଏହି ସମୟରେ ସମସ୍ତ ଅତ୍ୟାବଶ୍ୟକ ଜରୁରୀ ସରକାରୀ ସେବା ଜାରି ରହିବ ।

- ରାଜ୍ୟରେ କୋଭିଡ୍-୧୯ ନିୟମ ଏବଂ ମାର୍ଗଦର୍ଶିକା ଉଲ୍ଲଂଘନ କରିଥିବା ଅଭିଯୋଗରେ ଡିସେମ୍ବର ୬ ରୁ ୭ ତାରିଖ ସକାଳ ପର୍ଯ୍ୟନ୍ତ ୨୪ ଘଣ୍ଟା ମଧ୍ୟରେ ଓଡ଼ିଶା ପୋଲିସ ପକ୍ଷରୁ ୩ଟି ମାମଲା ଦାଏର କରାଯାଇଥିବାବେଳେ ୨୪ ଜଣ ବ୍ୟକ୍ତିଙ୍କୁ ଗିରଫ, ୬୫୯ ଟି ଗାଡ଼ି ଜବତ ଏବଂ ୨୨,୪୨,୫୫୦ ଟଙ୍କା ଜରିମାନା ଆଦାୟ କରାଯାଇଛି ।

## ସର୍ବଶେଷ ସ୍ୱାସ୍ଥ୍ୟ ସୂଚନା

- ଗତକାଲି ମଧ୍ୟରାତ୍ରି ସୁଦ୍ଧା ଓଡ଼ିଶାରେ ୬୧,୮୧,୯୯୨ ଟି ନମୁନା କୋଭିଡ୍-୧୯ ପରୀକ୍ଷା କରାଯାଇଛି ।

**'ମାସ୍କ ପିନ୍ଧନ୍ତୁ, ସୁରକ୍ଷିତ ରୁହନ୍ତୁ'**

- ବର୍ତ୍ତମାନ ସୁଦ୍ଧା ସମୁଦାୟ ୩,୨୧,୫୬୪ ଜଣ ପଜିଟିଭ୍ ଚିହ୍ନଟ ହୋଇଛନ୍ତି ।
- ୩,୧୫,୮୪୦ ଜଣ ରୋଗୀ ସଂପୂର୍ଣ୍ଣ ସୁସ୍ଥ ହୋଇଛନ୍ତି/ଡାକ୍ତରଖାନାରୁ ଫେରିଛନ୍ତି ।
- ୧୭୭୮ ଜଣ କୋଭିଡ୍-୧୯ ରୋଗୀଙ୍କର ମୃତ୍ୟୁ ହୋଇଛି ।
- ସକ୍ରିୟ ଥିବା ସଂକ୍ରମିତଙ୍କ ସଂଖ୍ୟା ୩,୮୯୩ ରହିଛି ।
- ୩,୮୯୩ ଜଣ ହସ୍ପିଟାଲ୍ ଆଇସୋଲେସନ୍‌ରେ ରହିଛନ୍ତି ।

ପଠାଣି ରାଉତ
ସୂଚନା ଅଧିକାରୀ

**'ମାସ୍କ ପିନ୍ଧନ୍ତୁ, ସୁରକ୍ଷିତ ରୁହନ୍ତୁ'**